ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Industry(OD)/ 1387/04-03-2021**

# କେନ୍ଦ୍ରାପଡ଼ାଠାରେ ସମନ୍ୱିତ ଇସ୍ପାତ କାରଖାନା ପ୍ରତିଷ୍ଠା ପାଇଁ ଆର୍ସେଲର ମିତ୍ତଲ ନିପ୍ପନ ଷ୍ଟିଲ, ଇଣ୍ଡିଆ ସହ ବୁଝାମଣାପତ୍ର ସ୍ୱାକ୍ଷରିତ

ଭୁବନେଶ୍ୱର, ତା.୦୪/୦୩/୨୦୨୧

ଏକ ଐତିହାସିକ ଘଟଣା କ୍ରମରେ ଆଜି ଓଡ଼ିଶା ସରକାର ଏବଂ ଆର୍ସେଲର ମିତ୍ତଲ ନିପ୍ପନ୍ ଲିଃ ମଧ୍ୟରେ କେନ୍ଦ୍ରାପଡ଼ା ଜିଲ୍ଲାରେ ଏକ ସମନ୍ୱିତ ଇସ୍ପାତ୍ କାରଖାନା ନିର୍ମାଣ ନିମନ୍ତେ ଏକ ବୁଝାମଣା ପତ୍ର ସ୍ୱାକ୍ଷରିତ ହୋଇଛି । ଏହି ପ୍ରକଳ୍ପରେ ପ୍ରାୟ ୫୦ ହଜାର କୋଟି ଟଙ୍କା ବିନିଯୋଗ ହେବ ।

ଆର୍ସେଲର ମିତ୍ତଲ ନିପ୍ପନ ଷ୍ଟିଲ୍ ବିଶ୍ୱର ଅନ୍ୟତମ ବୃହତ୍ତମ ଇସ୍ପାତ ନିର୍ମାଣକାରୀ ସଂସ୍ଥା ଏବଂ ଏଲ୍ ଏନ୍ ମିତ୍ତଲ ଗ୍ରୁପ୍‌ର ଆର୍ଥିକ ଦୃଢ଼ତା ଓ ଜାପାନ କମ୍ପାନୀ ନିପ୍ପନ ଷ୍ଟିଲର ଉଚ୍ଚ ବୈଷୟିକ ଶକ୍ତି ଦ୍ୱାରା ଇସ୍ପାତ ନିର୍ମାଣ କ୍ଷେତ୍ରରେ ପାରଦର୍ଶିତା ପାଇଁ ସାରା ବିଶ୍ୱରେ ତା'ର ଉପସ୍ଥିତି ଜାହିର କରିପାରିଛି ।

ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ, ମିତ୍ତଲ ଗ୍ରୁପ୍‌ର ଅଧ୍ୟକ୍ଷ ଶ୍ରୀ ଏଲ୍.ଏନ୍. ମିତ୍ତଲ, ଇସ୍ପାତ ଓ ଖଣି ଏବଂ ପୂର୍ତ୍ତ ମନ୍ତ୍ରୀ ଶ୍ରୀ ପ୍ରଫୁଲ୍ଲ କୁମାର ମଲ୍ଲିକ, ମହାକାଳପଡ଼ା ବିଧାୟକ ଶ୍ରୀ ଅତନୁ ସବ୍ୟସାଚୀ ନାୟକଙ୍କ ଉପସ୍ଥିତିରେ ଏହି ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଛି ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କେନ୍ଦ୍ରାପଡ଼ା ଜିଲ୍ଲା ବିଜୁବାବୁଙ୍କର କର୍ମଭୂମି ଥିଲା ଏବଂ ସେ ଏହି ଜାଗା ଏବଂ ଏଠାକାର  ଜନସାଧାରଣଙ୍କୁ ହୃଦୟରୁ ଭଲ ପାଉଥିଲେ । ସେ କହିଛନ୍ତି ଯେ କେନ୍ଦ୍ରାପଡ଼ାରେ ସମନ୍ୱିତ ଷ୍ଟିଲ୍ କମ୍ପ୍ଲେକ୍ସ ପାଇଁ ପର୍ଯ୍ୟାପ୍ତ ସୁଯୋଗ ରହିଛି ଏବଂ ରାଜ୍ୟ ସରକାର ଏହି ବୃହତ୍ ପ୍ରକଳ୍ପର ପ୍ରତିଷ୍ଠା ପାଇଁ ସମସ୍ତ ଆବଶ୍ୟକୀୟ ସହାୟତା ଓ ସୁବିଧା ଯୋଗାଇଦେବେ । ସେ ମଧ୍ୟ କହିଛନ୍ତି ଯେ ଦୂରଦୃଷ୍ଟିସଂପନ୍ନ ଶିଳ୍ପନୀତି, ସହଜ ପ୍ରକ୍ରିୟା ଏବଂ ସୁଦୃଢ଼ ଭିତ୍ତିଭୂମିକ ବିକାଶ ଯୋଗୁ ଓଡ଼ିଶା ଆଜି ଦେଶରେ ଶ୍ରେଷ୍ଠ ଆକର୍ଷଣୀୟ ପୁଂଜିନିବେଶ ଲକ୍ଷ୍ୟସ୍ଥଳ ଭାବେ ସଫଳତାର ସହ ଉଭା ହୋଇଛି ।

ଓଡ଼ିଶା ସରକାରଙ୍କ ସହଯୋଗରେ କେନ୍ଦ୍ରାପଡ଼ାଠାରେ ଏକ ସମନ୍ୱିତ ଷ୍ଟିଲ କମ୍ପ୍ଲେକ୍ସ ପ୍ରତିଷ୍ଠା କରି ବହୁତ ଆନନ୍ଦିତ ବୋଲି ଉଲ୍ଲେଖ କରି ଶ୍ରୀ ମିତ୍ତଲ କହିଛନ୍ତି ଯେ ଓଡ଼ିଶାରେ ଆର୍ସେଲର ମିତ୍ତଲ ନିପ୍ପନ ଷ୍ଟିଲ୍‌ର ପାରାଦୀପଠାରେ ଥିବା ୬ ଏମ୍‌ଟିପିଏ କ୍ଷମତାବିଶିଷ୍ଟ ପେଲେଟାଇଜେସନ୍ ପ୍ଲାଣ୍ଟ ସହିତ ଏହାର କ୍ଷମତା ୧୨ ଏମ୍‌ଟିପିଏକୁ ବୃଦ୍ଧି ପାଇବ ଏବଂ କେଉଁଝରଠାରେ ଥିବା ଲାଭକାରୀ କମ୍ପ୍ଲେକ୍ସ ଏବଂ ସ୍ଲରି ପାଇପଲାଇନ୍ ପୂର୍ବରୁ କାର୍ଯ୍ୟକ୍ଷମ ଅଛି ।

ସେ ପୁଣି କହିଛନ୍ତି ଯେ ଓଡ଼ିଶାର ସରକାରଙ୍କ ତ୍ୱରିତ କାର୍ଯ୍ୟପ୍ରଣାଳିରେ ସେ ବହୁତ ଆନନ୍ଦିତ, ଯାହା ତାଙ୍କର ବିଶ୍ୱବ୍ୟାପୀ ଅଭିଜ୍ଞତା ଆଧାରରେ  ସର୍ବଶ୍ରେଷ୍ଠ ।  ଆର୍ସେଲର ମିତ୍ତଲ ନିପ୍ପନ ଷ୍ଟିଲ୍ ଓଡ଼ିଶା ସରକାରଙ୍କ ସହଯୋଗରେ ରାଜ୍ୟର ଶିଳ୍ପ ବିକାଶ ପାଇଁ ପ୍ରତିବଦ୍ଧ ବୋଲି ସେ ଦୋହରାଇଛନ୍ତି ।

ଶିଳ୍ପ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ହେମନ୍ତ ଶର୍ମା ଏବଂ ଆର୍ସେଲର ମିତ୍ତଲ ନିପ୍ପନ ଷ୍ଟିଲ୍, ଇଣ୍ଡିଆର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଶ୍ରୀ ଦିଲ୍ଲୀପ ଓମେନ୍‌ଙ୍କ ଏହି ବୁଝାମଣାପତ୍ରରେ ସ୍ୱାକ୍ଷର କରିଥିଲେ । ମୁଖ୍ୟ ଶାସନ ସଚିବ, ଉନ୍ନୟନ କମିଶନର, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ମୁଖ୍ୟ ଉପଦେଷ୍ଟା, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫–'ଟି') ଏବଂ ରାଜ୍ୟ ସରକାରଙ୍କ ଅନ୍ୟ ବରିଷ୍ଠ ଅଧିକାରୀମାନେ ଏହି ଅବସରରେ ଉପସ୍ଥିତ ଥିଲେ ।

ସୁବାଷ ନିଆଲ
ସୂଚନା ଅଧିକାରୀ